# ତହସିଲଦାରଙ୍କ ଅଦାଲତ, ରେଙ୍ଗାଲି, ଜିଲ୍ଲା-ସମ୍ବଲପୁର

ସଂରକ୍ଷଣ ବିମୋଚନ ମୋକଦ୍ଦମା ନଂ. ୧୩ /୨୦୨୫

## ସର୍ବସାଧାରଣ ଘୋଷଣା

ନୋଟିସ ନଂ. ୯୩୨ ତାରିଖ: ୧୬.୦୬.୨୦୨୫

ଏତତ୍ ଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ ମୌଜା – ଖିଣ୍ଡା ଅନ୍ତର୍ଗତ ନିମ୍ନ ସୂଚୀତ ସରକାରୀ ଜମିକୁ ସାଧାରଣ ପରିଚାଳକ (ଭୂ-ଅର୍ଜନ), ତଲାବିରା ୨ ଓ ୩ ଓ.ସି.ପି., ଏନ.ଏଲ.ସି,, ଇଣ୍ଡିଆ ଲିମିଟେଡ଼ ତାର ନିଜର ପୁନର୍ବାସ ଏବଂ ପୁନର୍ବାସ କଲୋନୀ ରେ ବାସ କରୁଥିବା ପ୍ରକଳ୍ପ ବିସ୍ଥାପିତ ପରିବାର ମାନଙ୍କ ପାଇଁ ଶବଦାହ ସ୍ଥାନ ଏବଂ ଏହାର ପ୍ରବେଶ ରାସ୍ତା ନିର୍ମାଣ ନିମନ୍ତେ ଲିଜ ପାଇଁ ଅତ୍ର କାର୍ଯ୍ୟାଳୟରେ ଦରଖାସ୍ତ ଦାଖଲ କରିଛନ୍ତି ଓ ତତ ଅନୁସାରେ ପଦକ୍ଷେପ ନିଆଯିବ । ଆବେଦନ କରାଯାଇଥିବା ନିମ୍ନ ତଫସିଲ ଭୁକ୍ତ ଜମି ସରକାରୀ "ରକ୍ଷିତ" ଖାତାରେ କିସମ "ଗୋଚର" ରେକର୍ଡ ଥିବାରୁ ଉକ୍ତ ଜମିକୁ ଆବେଦନକାରୀଙ୍କ ନାମରେ ହସ୍ତାନ୍ତର କରିବା ପାଇଁ ସଂରକ୍ଷଣ ବିମୋଚନ ତଥା କିସମ ପରିବର୍ତ୍ତନ ର ଆବଶ୍ୟକ ପଡୁଅଛି ଓ ତତ ଅନୁଯାଇ ପଦକ୍ଷେପ ନିଆ ଯିବ ।

ଏଥିରେ ଯଦି କୌଣସି ବ୍ୟକ୍ତି ବିଶେଷଙ୍କର କିଛି ଆପତ୍ତି ଅଭିଯୋଗ ଥାଏ ତାହାହେଲେ ଏହି ନୋଟିସ ପ୍ରକାଶନର ୧୫ (ପନ୍ଦର)ଦିନ ଭିତରେ ନିମ୍ନ ସ୍ୱାକ୍ଷରକାରୀଙ୍କ କାର୍ଯ୍ୟାଳୟରେ ଲିଖିତ ଆକାରରେ ଟ. ୨୦/- କୋର୍ଟ ଫି ସହିତ ଅଭିଯୋଗ ଦେବାପାଇଁ ଅନୁରୋଧ କରାଯାଉଅଛି । ମିଆଦ ଗତେ କୌଣସି ଦାବୀ ବା ଅଭିଯୋଗ ଗ୍ରହଣୀୟ ହେବନାହିଁ ।

### ତଫସିଲ ଭୁକ୍ତ ଜମି

| ମୌଜା | ଖାତା ନମ୍ବର | ପ୍ଲଟ ନମ୍ବର | ପ୍ରସ୍ତାବିତ ରକବା | କିସମ |
|---|---|---|---|---|
| ଖିଣ୍ଡା | ୨୪୫ (ରକ୍ଷିତ) | ୨୦୩୫/୨୧୨୦ରୁ | ୧.୫୦ | ଗୋଚର |
| ମୋଟ | ୧ ଖାତା | ୧ ପ୍ଲଟ | ୧.୫୦ | |

ତହସିଲଦାର,ରେଙ୍ଗାଲି
ତହସିଲଦାର
ରେଙ୍ଗାଲି,ସମ୍ବଲପୁର

ଜ୍ଞାପକ ସଂଖ୍ୟା......୯୩୩........ ତା: ......୧୬.୦୬.୨୦୨୫........

ଏହାର ଏକ କିତା ନକଲ ସଂପୃକ୍ତ ଗ୍ରାମର ମଧ୍ୟସ୍ଥଳିରେ ଜାରିକରିବା ପାଇଁ ଓ ରାଜସ୍ୱ ନିରୀକ୍ଷକ ଲପଙ୍ଗାଙ୍କ କାର୍ଯ୍ୟାଳୟ / ଗ୍ରାମ ପଞ୍ଚାୟତ ଖିଣ୍ଡା ଏବଂ ତହସିଲ କାର୍ଯ୍ୟାଳୟର ନୋଟିସ ବୋର୍ଡରେ ବହୁଳ ପ୍ରସାର ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ଇ-ଗଭର୍ଣ୍ଣାନ୍ସ ପରିଚାଳକ, ସମ୍ବଲପୁରଙ୍କ ଅବଗତି ତଥା ବିହିତ କାର୍ଯ୍ୟାନୁଷ୍ଠାନ ଏବଂ ଏହାର ବହୁଳ ପ୍ରସାର ନିମନ୍ତେ ପ୍ରେରଣା କରାଗଲା । ଉପରୋକ୍ତ ସର୍ବସାଧାରଣ ଇସ୍ତାହାର କୁ ସମ୍ବଲପୁର ଜିଲ୍ଲା ୱେବସାଇଟରେ ପ୍ରକାଶନ କରିବା ନିମନ୍ତେ ଅନୁରୋଧ ।

ତହସିଲଦାର,ରେଙ୍ଗାଲି
ତହସିଲଦାର
ରେଙ୍ଗାଲି,ସମ୍ବଲପୁର